ODISHA POLICE
STATE HEADQUARTERS
CUTTACK.

---

# ପ୍ରେସ୍ ନୋଟ୍

**31.10.2022**

## ରାଜ୍ୟ ପୋଲିସ ମୁଖ୍ୟାଳୟରେ ରାଷ୍ଟ୍ରୀୟ ଏକତା ଦିବସ ଶପଥ ପାଠ ଅନୁଷ୍ଠିତ

କଟକ ତା ୩୧.୧୦.୨୦୨୨ – ରାଷ୍ଟ୍ରୀୟ ଏକତା ଦିବସ ପାଳନ ଅବସରରେ ରାଜ୍ୟ ପୋଲିସ ମୁଖ୍ୟାଳୟଠାରେ ଏକ ଶପଥ ପାଠ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଅଛି | ଆଇଜି (ହେର୍ଡ କ୍ୱାର୍ଟର) ଶ୍ରୀ ଏସ୍. ଦେବଦତ୍ତ ସିଂ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ବରିଷ୍ଠ ପୋଲିସ ଅଧିକାରୀ ଓ କର୍ମଚାରୀ ମାନଙ୍କୁ ରାଷ୍ଟ୍ରର ଏକତା, ଅଖଣ୍ଡତା ଓ ସୁରକ୍ଷାକୁ ବଜାୟ ରଖିବା ପାଇଁ କାର୍ଯ୍ୟ କରିବାକୁ ଶପଥ ପାଠ କରାଇଥିଲେ | ସୂଚନା ଯୋଗ୍ୟ ଯେ ସ୍ୱାଧୀନ ଭାରତର ପ୍ରଥମ ଉପ ପ୍ରଧାନମନ୍ତ୍ରୀ ତଥା ଗୃହମନ୍ତ୍ରୀ ସ୍ୱର୍ଗତ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ଜନ୍ମ ଦିବସ ଅକ୍ଟୋବର – ୩୧ ତାରିଖକୁ ଦେଶବ୍ୟାପୀ ରାଷ୍ଟ୍ରୀୟ ଏକତା ଦିବସ ଭାବେ ପାଳନ କରାଯାଏ |

ଏହି ଶପଥ ପାଠ କାର୍ଯ୍ୟକ୍ରମରେ କାର୍ଯ୍ୟାଳୟର ବରିଷ୍ଠ ପୋଲିସ ଅଧିକାରୀ, ସମସ୍ତ ସଂସ୍ଥା ଅଧିକାରୀ,ଉପବିଭାଗ ଅଧିକାରୀ ଓ କର୍ମଚାରୀ ମାନେ ଉପସ୍ଥିତ ରହି ଶପଥ ପାଠ କରିଥିଲେ |

31/10/22
PRO, SP Hdqrs, Cuttack